## ଆଜି ଅନୁଗୋଳ ଜିଲ୍ଲାରୁ ୧୭ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୨୦୬୪ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୪ ଜଣ ।

ଅନୁଗୋଳ, ତା. ୧୦.୦୧:- ଆଜି ଅନୁଗୋଳ ଜିଲ୍ଲାରେ ୧୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୨୨୩ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ ୭ଜଣ (୫ ଜଣ ପୁରୁଷ ଓ ୨ଜଣ ମହିଳା), ବଁଅରପାଳ ବ୍ଲକ୍ ଅଂଚଳରୁ ୫ଜଣ (୨ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ (୧ ଜଣ ପୁରୁଷ ଓ ୧ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ଜଣ ( ୨ ଜଣ ମହିଳା) ଓ ତାଳଚେର ବ୍ଲକ୍ ଅଂଚଳରୁ ୧ଜଣ ( ୧ ଜଣ ମହିଳା) ଅଛନ୍ତି । ଆଜି କଣିହାଁ ବ୍ଲକ,ପାଲଲହଡା ବ୍ଲକ, କିଶୋରନଗର ବ୍ଲକ, ତାଳଚେର ପୌରାଞ୍ଚଳ, ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ଓ ଆଠମଲ୍ଲିକ ବ୍ଲକ୍ ପ୍ରଭୃତି ୬ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୪ଜଣ ସୁସ୍ଥ ହୋଇଛନ୍ତି । ସୁସ୍ଥ ହୋଇଥିବା ୨୪ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୨୩ ତା.୧୦.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ